# ଆଜି ଅନୁଗୋଳ ଜିଲ୍ଲାରୁ ୧୧୨ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୦୧୪୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୯୧ଜଣ ।

ଅନୁଗୋଳ, ତା.୨୪.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୧୨ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭ଜଣ ( ୧୦ଜଣ ପୁରୁଷ ଓ୭ ଜଣ ମହିଳା), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୧୬ଜଣ ( ୯ଜଣ ପୁରୁଷ ଓ ୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୨ଜଣ (୭ ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୧ଜଣ ( ୬ଜଣ ପୁରୁଷ ଓ ୫ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୦ଜଣ ( ୮ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୯ଜଣ ( ୭ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୯ଜଣ (୬ ଜଣ ପୁରୁଷ ଓ ୩ଜଣ ମହିଳା) ,ଅନୁଗୋଳ ପୌରାଞ୍ଚଳରୁ ୮ଜଣ (୬ ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୩୨ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୯୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୬୫ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୫୯ହଜାର ୮୧୩ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୭୩ ତା.୨୪.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୨୪/୦୬/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ